# ରାଜ୍ୟ ସଂଗ୍ରହାଳୟ ପରିସରରେ ପ୍ରତିଷ୍ଠା ହେବ 'ମୌଖିକ ଓ ଜନଜାତି ସାହିତ୍ୟ କେନ୍ଦ୍ର'

## ସ୍ୱାକ୍ଷରିତ ହେଲା ଚୁକ୍ତିନାମା

ଭୁବନେଶ୍ୱର, ୧୬/୧୨(ଇମିସ): ଓଡ଼ିଶା ରାଜ୍ୟ ସଂଗ୍ରହାଳୟ ପରସରରେ କେନ୍ଦ୍ର ସାହିତ୍ୟ ଅକାଦେମି ପକ୍ଷରୁ ପ୍ରତିଷ୍ଠା ହେବ 'ମୌଖିକ ଓ ଜନଜାତି ସାହିତ୍ୟ କେନ୍ଦ୍ର'(ସେଣ୍ଟର ଫର୍ ଓରାଲ୍ ଓ ଟ୍ରାଇବାଲ୍ ଲିଟରେଚର୍)। ଏନେଇ ଆଜି ଓଡ଼ିଶା ରାଜ୍ୟ ସଂଗ୍ରହାଳୟ ଓ କେନ୍ଦ୍ର ସାହିତ୍ୟ ଅକାଦେମି ମଧ୍ୟରେ ଏକ ଚୁକ୍ତିନାମା ସ୍ୱାକ୍ଷରିତ ହୋଇଛି। ଏହି କେନ୍ଦ୍ର ମାଧ୍ୟମରେ ପୂର୍ବାଞ୍ଚଳ ଓ ଉତ୍ତର ପୂର୍ବାଞ୍ଚଳର ଜନଜାତି ସାହିତ୍ୟର ପ୍ରଚାର, ପ୍ରସାର ତଥା ଗବେଷଣା ପାଇଁ ସୁଯୋଗ ସୃଷ୍ଟି ହେବ। ଆଗ୍ରହୀ ସାହିତ୍ୟିକ ଓ ଗବେଷକ ଏହି କେନ୍ଦ୍ର ଦ୍ୱାରା ଉପକୃତ ହେବେ। ସୂଚନାଯୋଗ୍ୟ ଗତ ସେପ୍ଟେମ୍ବର ୮ରେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ରାଜ୍ୟ ସଂଗ୍ରହାଳୟ ପରିସରରେ ହିଁ ଏହି କେନ୍ଦ୍ର ପ୍ରତିଷ୍ଠା ହେବ ବୋଲି ନିଷ୍ପତ୍ତି ନିଆଯାଇଥିଲା। ଆଜି ଚୁକ୍ତିନାମା ସ୍ୱାକ୍ଷରିତ ସମୟରେ ବିଭାଗର ନିର୍ଦ୍ଦେଶକ ରଞ୍ଜନ କୁମାର ଦାସ, ରାଜ୍ୟ ସଂଗ୍ରହାଳୟର ଅଧୀକ୍ଷକ ଭାଗ୍ୟଲିପି ମଲ୍ଲ, କେନ୍ଦ୍ର ସାହିତ୍ୟ ଅକାଦେମିର ସଚିବ୍ କେ. ଶ୍ରୀନିବାସ ରାଓ ଓ ଅକାଦେମିର ଓଡ଼ିଆ ଉପଦେଷ୍ଟା ମଣ୍ଡଳୀ ଆବାହକ ବିଜୟାନନ୍ଦ ସିଂହ ଉପସ୍ଥିତ ଥିଲେ।